ସୂଚନା ଓ ଲୋକ ସଂପର୍କ ବିଭାଗ
Information & Public Relations Department
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

**News ID-IPR/COVID-19(OD)/103/21-04-2021**

# ପ୍ରେସ୍ ବିବୃତି

ଭୁବନେଶ୍ୱର :୨୧ ଅପ୍ରେଲ, ୨୦୨୧

- ମାନ୍ୟବର ମୁଖ୍ୟମନ୍ତ୍ରୀ ଶ୍ରୀଯୁକ୍ତ ନବୀନ ପଟ୍ଟନାୟକ ପବିତ୍ର ରାମନବମୀ ଅବସରରେ ସମସ୍ତଙ୍କୁ ହାର୍ଦ୍ଦିକ ଶୁଭେଚ୍ଛା ଜଣାଇଛନ୍ତି । ମହାପ୍ରଭୁଙ୍କ ଅପାର କରୁଣାରୁ କରୋନା ସଂକଟ ଶୀଘ୍ର ଦୂର ହେବ ବୋଲି ଆଶା ପ୍ରକାଶ କରି ମାନ୍ୟବର ମୁଖ୍ୟମନ୍ତ୍ରୀ ଏହି ପବିତ୍ର ଅବସରରେ ମହାପ୍ରଭୁଙ୍କ ପାଖରେ ରାଜ୍ୟର ସମୃଦ୍ଧି ଓ ସମସ୍ତଙ୍କ ମଙ୍ଗଳମୟ ଜୀବନ କାମନା କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ବିଶିଷ୍ଟ ସ୍ୱାଧୀନତା ସଂଗ୍ରାମୀ ତଥା ପୂର୍ବତନ ମୁଖ୍ୟମନ୍ତ୍ରୀ ଡ. ସଦାଶିବ ତ୍ରିପାଠୀଙ୍କ ଜୟନ୍ତୀରେ ଶ୍ରଦ୍ଧାଞ୍ଜଳି ଅର୍ପଣ କରିଛନ୍ତି । ତାଙ୍କର ଅସାଧାରଣ ଦେଶପ୍ରେମ, ରାଜ୍ୟର ପ୍ରଗତି ସହ ଲୋକଙ୍କ କଲ୍ୟାଣ ପାଇଁ ନିଷ୍ଠାପର ଉଦ୍ୟମ ସର୍ବଦା ପ୍ରେରଣାର ଉତ୍ସ ହୋଇ ରହିବ ବୋଲି ମାନ୍ୟବର ମୁଖ୍ୟମନ୍ତ୍ରୀ କହିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀ ବେସାମରିକ ସେବା ଦିବସ ଅବସରରେ ସମସ୍ତ ପ୍ରଶାସକଙ୍କୁ ଶୁଭେଚ୍ଛା ଜଣାଇଛନ୍ତି । ପ୍ରଶାସନିକ ଅଧିକାରୀମାନେ ଏହି ଅଭୂତପୂର୍ବ କୋଭିଡ୍-୧୯ ମହାମାରୀ ସମୟରେ ଜନସାଧାରଣଙ୍କ ସୁରକ୍ଷା ପାଇଁ ବିଭିନ୍ନ କ୍ଷମତାରେ ଅବସ୍ଥାପିତ ହୋଇ କାର୍ଯ୍ୟ କରୁଛନ୍ତି । ଏହି ସ୍ୱାସ୍ଥ୍ୟ ସମସ୍ୟା ସମୟରେ 'ଭାରତର ଏହି ଇସ୍ପାତ ଢାଞ୍ଚା'ର ନିଷ୍ଠା ଓ ପ୍ରତିବଦ୍ଧତାକୁ ମାନ୍ୟବର ମୁଖ୍ୟମନ୍ତ୍ରୀ ପ୍ରଶଂସା କରିଛନ୍ତି ।

- ମାନ୍ୟବର ମୁଖ୍ୟମନ୍ତ୍ରୀଙ୍କ ନିର୍ଦ୍ଦେଶମତେ କୋଭିଡ୍-୧୯ ମହାମାରୀର ଅତ୍ୟଧିକ ସଂକ୍ରମଣକୁ ଦୃଷ୍ଟିରେ ରଖି ଚଳିତ ବର୍ଷ ମଇ ୩ ତାରିଖରେ ହେବାକୁ ଥିବା ମାଧ୍ୟମିକ ଶିକ୍ଷା ବୋର୍ଡ ଦ୍ୱାରା ପରିଚାଳିତ ଦଶମ ଶ୍ରେଣୀ ପରୀକ୍ଷା ଏବଂ ମଇ ୧୮ ତାରିଖରେ ହେବାକୁ ଥିବା ଓଡ଼ିଶା ରାଜ୍ୟ ମଦ୍ରାସା ଶିକ୍ଷା ବୋର୍ଡ ଦ୍ୱାରା ପରିଚାଳିତ ପରୀକ୍ଷାଗୁଡ଼ିକୁ ବାତିଲ କରାଯାଇଛି ।

.

'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'

**ସର୍ବଶେଷ ସ୍ୱାସ୍ଥ୍ୟ ସୂଚନା**

- ଗତକାଲି ମଧ୍ୟରାତ୍ରି ସୁଦ୍ଧା ଓଡ଼ିଶାରେ ୯୭,୦୬,୯୪୯ ଟି ନମୁନା କୋଭିଡ୍-୧୯ ପରୀକ୍ଷା କରାଯାଇଛି ।
- ବର୍ତ୍ତମାନ ସୁଦ୍ଧା ସମୁଦାୟ ୩,୮୨, ୩୧୫ ଜଣ ପଜିଟିଭ୍ ଚିହ୍ନଟ ହୋଇଛନ୍ତି ।
- ୩,୪୯, ୩୭୭ ଜଣ ରୋଗୀ ସଂପୂର୍ଣ୍ଣ ସୁସ୍ଥ ହୋଇଛନ୍ତି/ଡାକ୍ତରଖାନାରୁ ଫେରିଛନ୍ତି ।
- ୧୯୫୮ ଜଣ କୋଭିଡ୍-୧୯ ରୋଗୀଙ୍କର ମୃତ୍ୟୁ ହୋଇଛି ।
- ସକ୍ରିୟ ଥିବା ସଂକ୍ରମିତଙ୍କ ସଂଖ୍ୟା ୩୦,୯୨୭ ରହିଛି ।
- ୩୦,୯୨୭ ଜଣ ହସ୍‌ପିଟାଲ୍ ଆଇସୋଲେସନ୍‌ରେ ରହିଛନ୍ତି ।

ମାନସ ରଞ୍ଜନ ଖୁଣ୍ଟିଆ
ସୂଚନା ଅଧିକାରୀ

**'ମାସ୍କ ପିନ୍ଧନ୍ତୁ, ସୁରକ୍ଷିତ ରୁହନ୍ତୁ'**